## ଆଜି ଅନୁଗୋଳ ଜିଲ୍ଲାରୁ ୪୩୧ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୫୪୩୭ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୨୯ଜଣ ।

ଅନୁଗୋଳ, ତା.୦୩.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୪୩୧ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ୧୦୩ଜଣ ( ୫୩ଜଣ ପୁରୁଷ ଓ ୫୦ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭୬ଜଣ ( ୩୯ଜଣ ପୁରୁଷ ଓ ୩୭ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬୨ଜଣ ( ୩୪ଜଣ ପୁରୁଷ ଓ ୨୮ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪୭ଜଣ ( ୨୯ଜଣ ପୁରୁଷ ଓ ୧୮ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩୫ଜଣ ( ୨୦ଜଣ ପୁରୁଷ ଓ ୧୫ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩୧ଜଣ (୧୮ ଜଣ ପୁରୁଷ ଓ ୧୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨୭ ଜଣ ( ୧୬ଜଣ ପୁରୁଷ ଓ ୧୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୭ଜଣ ( ୧୦ଜଣ ପୁରୁଷ ଓ ୭ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୬ଜଣ ( ୯ଜଣ ପୁରୁଷ ଓ ୭ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୨ଜଣ ( ୯ଜଣ ପୁରୁଷ ଓ ୩ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୫ଜଣ (୫ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୦୨ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୨୯ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୨୧ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୪୭ ତା.୦୩.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ସ୍ୱା/- ଦୁଃଖବନ୍ଧୁ ମାଝି

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ